# ଆଜି ଅନୁଗୋଳ ଜିଲ୍ଲାରୁ ୭୮ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୯୪୬୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୮୩ ଜଣ ।

ଅନୁଗୋଳ, ତା,୦୬.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୭୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୫୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ସର୍ବାଧିକ ୧୯ଜଣ ( ୧୨ଜଣ ପୁରୁଷ ଓ ୭ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୮ ଜଣ ( ୯ଜଣ ପୁରୁଷ ଓ ୯ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୪ଜଣ ( ୭ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫ଜଣ (୫ ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ(୨ ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୩ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୪ଜଣ କୋଭିଡ ହସପିଟାଲରୁ ,୨ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୭୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।